# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**25 October - 2024**

**News Editor : *Itishree Singh Rathaur***

**************************************

## ମୁଖ୍ୟ ସମ୍ବାଦ

- ସାମୁଦ୍ରିକ ଝଡ଼ 'ଦାନା' ଦୁର୍ବଳ ହୋଇ ଗଭୀର ଅବପାତରେ ପରିଣତ

— ଅତି ପ୍ରବଳ ବର୍ଷା ହେବା ନେଇ ୪ଟି ଜିଲ୍ଲାକୁ ରେଡ୍ ୱାର୍ଣ୍ଣିଂ

- ଆକାଶମାର୍ଗରୁ ଆସନ୍ତାକାଲି ବାତ୍ୟା ପ୍ରଭାବିତ ଅଞ୍ଚଳ ଅନୁଧ୍ୟାନ କରିବେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ

- ଆସନ୍ତା ୭ ଦିନ ମଧ୍ୟରେ କ୍ଷୟକ୍ଷତିର ରିପୋର୍ଟ ଦାଖଲ ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଲେ ରାଜସ୍ୱ ମନ୍ତ୍ରୀ

ଏବଂ

- ପ୍ରଧାନମନ୍ତ୍ରୀ ଆସନ୍ତା ରବିବାର ଆକାଶବାଣୀର ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ କରିବେ ଭାବବିନିମୟ

# ବାତ୍ୟା 'ଦାନା'

ସାମୁଦ୍ରିକ ଝଡ଼ 'ଦାନା' ଦୁର୍ବଳ ହୋଇ ଗଭୀର ଅବପାତରେ ପରିଣତ ହୋଇଛି ବୋଲି ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି। ସାମୁଦ୍ରିକ ଝଡ଼ର ସ୍ଥଳଭାଗ ଅତିକ୍ରମ ପ୍ରକ୍ରିୟା ଶେଷ ହୋଇଛି । ବର୍ତ୍ତମାନ ଏହା ଉତ୍ତର ଉପକୂଳ ଜିଲ୍ଲାରେ କେନ୍ଦ୍ରୀଭୂତ ହୋଇଛି। ସାମୁଦ୍ରିକ ଝଡ଼ 'ଦାନା' ଭିତରକନିକାସ୍ଥିତ ହବାଲିଖଟି ପ୍ରାକୃତିକ ଶିବିର ଏବଂ ଧାମରା ମଧ୍ୟରେ ଉତ୍ତର ଓଡ଼ିଶା ଉପକୂଳକୁ ଗତ ବିଳମ୍ବିତ ରାତିରେ ଅତିକ୍ରମ କରିଥିଲା।

ଗତ ୬ ଘଣ୍ଟା ହେବ ଏହା ଘଣ୍ଟାପ୍ରତି ୧୦ କିଲୋମିଟର ବେଗରେ ଗତି କରୁଛି। ସାମୁଦ୍ରିକ ଝଡ଼ର ପ୍ରଭାବରେ କେନ୍ଦ୍ରାପଡାର ରାଜକନିକାରେ ଗତ ୨୪ ଘଣ୍ଟା ମଧ୍ୟରେ ସର୍ବାଧିକ ୧୫୬ ମିଲିମିଟର ବର୍ଷା ରେକର୍ଡ ହୋଇଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଅତି ପ୍ରବଳ ବର୍ଷା ହେବା ନେଇ ଭଦ୍ରକ, ବାଲେଶ୍ୱର, କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲା ପାଇଁ ରେଡ୍ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିଭଳି ପ୍ରବଳ ବର୍ଷା ହେବା ନେଇ କେନ୍ଦ୍ରାପଡା, କଟକ, ଯାଜପୁର, ଢେଙ୍କାନାଳ, ଜଗତ୍‌ସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼ ଓ ଅନୁଗୁଳ ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି।

ସାମୁଦ୍ରିକ ଝଡ଼ ସ୍ଥଳଭାଗ ସ୍ପର୍ଶ କରିବାପରେ ବିଭିନ୍ନ ସ୍ଥାନରେ ମୁତୟନ ହୋଇଥିବା ଜାତୀୟ ବିପର୍ଯ୍ୟୟ ପରିଚାଳନା ବାହିନୀ- ଏନ୍‌ଡିଆରଏଫ୍,

ଓଡ଼ିଶା ବିପର୍ଯ୍ୟୟ ପରିଚାଳନା ବାହିନୀ- ଓଡ୍ରାଫ୍, ଅଗ୍ନିଶମ ବିଭାଗ ଏବଂ ସମୁଦ୍ରରେ ମୁତୟନ ହୋଇଥିବା ନୌସେନାର ସ୍ୱତନ୍ତ୍ର ବୁଡ଼ାଳି ଓ ଉଦ୍ଧାରକାରୀ ଦଳ ରିଲିଫ  ଏବଂ ଉଦ୍ଧାର କାର୍ଯ୍ୟକୁ ଯୁଦ୍ଧକାଳୀନ ଭିତ୍ତିରେ କରୁଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

ସାମୁଦ୍ରିକ ଝଡ଼ର ପରବର୍ତ୍ତୀ ସ୍ଥିତିକୁ ଦୃଷ୍ଟିରେ ରଖି ପର୍ଯ୍ୟଟକଙ୍କ ପାଇଁ ମୟୂରଭଞ୍ଜ ଜିଲ୍ଲାସ୍ଥିତ ଜାତୀୟ ଅଭୟାରଣ୍ୟକୁ ଆଉ ୩ ଦିନ ପାଇଁ ବନ୍ଦ ରଖିବାକୁ ନିଷ୍ପତ୍ତି ହୋଇଛି । ପୂର୍ବରୁ ୨୪ ଓ ୨୫ ତାରିଖରେ ଅଭୟାରଣ୍ୟ ବନ୍ଦ ରହିବ ବୋଲି ଘୋଷଣା କରାଯାଇଥିଲା ।

# ମୁଖ୍ୟମନ୍ତ୍ରୀଙ୍କ ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆସନ୍ତାକାଲି ଆକାଶମାର୍ଗରୁ ବାତ୍ୟା ପ୍ରଭାବିତ ଅଞ୍ଚଳ ଅନୁଧ୍ୟାନ କରିବାର କାର୍ଯ୍ୟକ୍ରମ ରହିଛି । ଏହି ସମୟରେ ମୁଖ୍ୟମନ୍ତ୍ରୀ ବିଭିନ୍ନ ଜିଲ୍ଲାରେ ହୋଇଥିବା କ୍ଷୟକ୍ଷତିର ଅନୁଧ୍ୟାନ କରିବେ ବୋଲି ଜଣାପଡିଛି । ମୁଖ୍ୟମନ୍ତ୍ରୀ ଆଜି ସ୍ୱତନ୍ତ୍ର ରିଲିଫ କମିଶନରଙ୍କ କାର୍ଯ୍ୟାଳୟରେ ସାମୁଦ୍ରିକ ଘୂର୍ଣ୍ଣିଝଡ଼ ଦାନାର ସ୍ଥିତି ସମୀକ୍ଷା କରିବା ସହ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ସମୟରେ ମୁଖ୍ୟମନ୍ତ୍ରୀ ପ୍ରଭାବିତ ଜିଲ୍ଲାର ଜିଲ୍ଲାପାଳଙ୍କ ସହ କଥା ହୋଇଥିଲେ ।     ଏହାସହ କ୍ଷୟକ୍ଷତି ଆକଳନ ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଆଜି ରାତି ସୁଦ୍ଧା ସଂପୂର୍ଣ୍ଣରୂପେ ବିଦ୍ୟୁତ୍ ଯୋଗାଣ କାର୍ଯ୍ୟ ସମାପନ କରିବାକୁ ମୁଖ୍ୟମନ୍ତ୍ରୀ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

ରେଳସେବା ସ୍ୱାଭାବିକ ଭାବେ ଆରମ୍ଭ ହୋଇଥିବାବେଳେ ଭୁବନେଶ୍ୱର ଓ ପୁରୀରୁ ନିର୍ଦ୍ଧାରିତ ସମୟରେ ରେଳ ଚଳାଚଳ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ବିମାନ ଚଳାଚଳ ଆଜି ସକାଳରୁ ଆରମ୍ଭ ହୋଇଛି । ସାମୁଦ୍ରିକ ଘୂର୍ଣ୍ଣିଝଡ଼ ସମୟରେ ୪ହଜାରରୁ ଊର୍ଦ୍ଧ୍ୱ ଗର୍ଭବତୀଙ୍କୁ ସ୍ଥାନାନ୍ତର କରାଯାଇଥିବାବେଳେ ୧୬ଶହ ଶିଶୁ ଜନ୍ମ ନେଇଥିବା ନେଇ ମୁଖ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି ।

## ଶିବାନୀ ମଣ୍ଡଳ–ମୁଖ୍ୟମନ୍ତ୍ରୀ ଆଲୋଚନା

**କେନ୍ଦ୍ରାପଡା** ଜିଲ୍ଲା ରାଜନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଆଶାଦିଦି ଶିବାନୀ ମଣ୍ଡଳଙ୍କ ସହ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଟେଲିଫୋନ ଯୋଗେ କଥା ହୋଇଛନ୍ତି। ବାତ୍ୟା ସମୟରେ ମାନବିକତାର ପ୍ରକୃତ ନିଦର୍ଶନ ଦେଖାଇଥିବାରୁ ମୁଖ୍ୟମନ୍ତ୍ରୀ ତାଙ୍କୁ ଧନ୍ୟବାଦ ଜଣାଇଛନ୍ତି। ସୂଚନା ଅନୁସାରେ, ଗତକାଲି ବାତ୍ୟା ସ୍ଥଳଭାଗ ଅତିକ୍ରମ କରିବା ପୂର୍ବରୁ ଖସାମୁଣ୍ଡା ଗାଁର ଶ୍ରୀମତୀ ମଣ୍ଡଳ ଲୋକମାନଙ୍କୁ ଆଶ୍ରୟସ୍ଥଳୀକୁ ସୁରକ୍ଷିତ ଭାବେ ସ୍ଥାନାନ୍ତର କରିବାର ଦାୟିତ୍ୱ ନେଇଥିଲେ। ଗାଁର ଜଣେ ପକ୍ଷାଘାତ ପୀଡିତା ବୟସ୍କା ମହିଳାଙ୍କୁ ବର୍ଷାରେ ସେ ପିଠିରେ ପକାଇ ଦେଢ଼ କିଲୋମିଟର ଦୂରରେ ଥିବା ଆଶ୍ରୟସ୍ଥଳୀକୁ ବୋହି ନେଇଥିଲେ। ସେ ସମୁଦାୟ ୭ ଜଣ ବୟସ୍କ ଓ ୨ ଜଣ ପ୍ରସୂତୀଙ୍କୁ ପିଠିରେ ବୋହି ଆଶ୍ରୟସ୍ଥଳୀକୁ ନେଇଥିବା ଜଣାପଡିଛି।

## ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ

ବାତ୍ୟା 'ଦାନା' ପରବର୍ତ୍ତୀ ସାହାଯ୍ୟ ଓ ପୁନରୁଦ୍ଧାର କାର୍ଯ୍ୟକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆସନ୍ତା ୨୮ ତାରିଖ ସୋମବାର ଦିନ ବନ୍ଦ ରହିବ। ଏ ନେଇ ସାଧାରଣ ଅଭିଯୋଗ ଓ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଯେଉଁମାନେ ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରିବା ପାଇଁ  ପଞ୍ଜୀକରଣ କରିଛନ୍ତି, ସେମାନେ ମୁଖ୍ୟମନ୍ତ୍ରୀଙ୍କର ପରବର୍ତ୍ତୀ ଅଭିଯୋଗ ଶୁଣାଣି ପାଇଁ ପୁନଃ ପଞ୍ଜୀକରଣ କରିବାର ଆବଶ୍ୟକତା ନାହିଁ । ସେମାନଙ୍କ ପାଇଁ ପରବର୍ତ୍ତୀ ଅଭିଯୋଗ ଶୁଣାଣି ତାରିଖ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ଦାନା– ରାଜସ୍ୱ ମନ୍ତ୍ରୀ

ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ସାମୁଦ୍ରିକ ଝଡ଼ ଦାନାର କ୍ଷୟକ୍ଷତିର ଆକଳନ ସହ ୭ ଦିନ ମଧ୍ୟରେ ରିପୋର୍ଟ ଦାଖଲ କରିବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ସ୍ୱଳ୍ପ ଭାଙ୍ଗିଥିବା ଘରର ତୁରନ୍ତ ମରାମତି ସହ  ସମ୍ପୂର୍ଣ୍ଣ ଭାଙ୍ଗିଥିବା ଘର ବଦଳରେ ପକ୍କା ଘର ମିଳିବା ନେଇ ମନ୍ତ୍ରୀ ସୂଚନା ଦେଇଛନ୍ତି ।

**- V/O –**

## ବାତ୍ୟା କ୍ଷୟକ୍ଷତି–ଜିଲ୍ଲା

**କେନ୍ଦ୍ରାପଡା** ଜିଲ୍ଲାର ୯ଟି ବ୍ଲକ୍ ଅନ୍ତର୍ଗତ ୨୪୯ଟି ଗ୍ରାମପଞ୍ଚାୟତର ୧ ହଜାର ୫୯୩ଟି ଗ୍ରାମ ବାତ୍ୟା ଦାନା ଦ୍ୱାରା ପ୍ରଭାବିତ ହୋଇଛି। ପ୍ରାଥମିକ ରିପୋର୍ଟ ଅନୁସାରେ, ଜିଲ୍ଲାରେ ୧ ଲକ୍ଷ ୨୧ ହଜାର ୧୧୬ ଜଣ ଲୋକଙ୍କୁ

ବାତ୍ୟା ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତର କରାଯାଇଛି। ମୋଟ୍ ୬୪୬ଟି ଆଶ୍ରୟସ୍ଥଳୀରେ ସେମାନଙ୍କୁ ରଖାଯାଇ ଶୁଖିଲା ତଥା ରନ୍ଧାଖାଦ୍ୟ ଦିଆଯାଉଛି। ଅପରପକ୍ଷରେ, ବାତ୍ୟାରେ ଜିଲ୍ଲାର ୮୩୨ଟି ଗ୍ରାମର ୨୮ ହଜାର ୪୨୬ ଦଶମିକ ୭.୦ ହେକ୍ଟର ଜମି ଜଳମଗ୍ନ ହୋଇଛି। ଏହାର ପ୍ରଭାବରେ ୫ଟି କଚା ଘର ସମ୍ପୂର୍ଣ୍ଣ ନଷ୍ଟ ହୋଇଥିବାବେଳେ ଗୋଟିଏ ପକ୍କା ଘର ଏବଂ ୩ଟି କୁଡିଆ ଘର କ୍ଷତି ହୋଇଛି। ପ୍ରଭାବିତ ଲୋକଙ୍କୁ ସ୍ୱାସ୍ଥ୍ୟ ସେବା ଯୋଗାଇ ଦେବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ୧୮ଟି ମେଡିକାଲ ଟିମ୍ ନିୟୋଜିତ କରାଯାଇଛି। **ଭଦ୍ରକ** ଜିଲ୍ଲା ଚାନ୍ଦବାଲି ବ୍ଲକ ଧାମରାରେ ବାତ୍ୟା ଦାନା ପ୍ରଭାବରେ ବ୍ୟାପକ କ୍ଷୟ କ୍ଷତି ହୋଇଥିବା ପ୍ରାଥମିକ ଆକଳନରୁ ଜଣାପଡିଛି। ଜିଲ୍ଲାର ୪ଟି ପୌରାଞ୍ଚଳ ଏବଂ ୭ଟି ବ୍ଲକର ବିଭିନ୍ନ ପଞ୍ଚାୟତରେ ହଜାର ହଜାର ହେକ୍ଟର ଜମି ଜଳମଗ୍ନ ହୋଇଛି।

**ଯାଜପୁର** ଜିଲ୍ଲାରେ ବର୍ଷା ଲାଗି ରହିଛି। ୬ଠରୁ ଊର୍ଦ୍ଧ୍ୱ ବାତ୍ୟା ଆଶ୍ରୟସ୍ଥଳୀରେ ଲୋକଙ୍କୁ ଶୁଖିଲା ଓ ରନ୍ଧାଖାଦ୍ୟ ଦିଆଯାଉଛି। ବର୍ଷା ଓ ପବନ ପ୍ରଭାବରେ ରାସ୍ତାରେ ଉପୁଡି ପଡିଥିବା ଗଛଗୁଡ଼ିକୁ ଅଗ୍ନିଶମ ବିଭାଗର କର୍ମଚାରୀମାନେ ସଫା କରିଛନ୍ତି। ଜିଲ୍ଲା କୃଷିବିଭାଗର ସୂଚନା ଅନୁଯାୟୀ, ଜିଲ୍ଲାରେ ମୋଟ ୧୭ ହଜାର ୬୬୬ ହେକ୍ଟର ଜମି ଜଳମଗ୍ନ ହୋଇଛି। ପ୍ରବଳ ବର୍ଷା ଯୋଗୁଁ ୧୦ଟି ବ୍ଲକ୍‌ର ୩୧୧ଟି ପଞ୍ଚାୟତର ୧ ହଜାର ୨୨୧ଟି ଗାଁ ପ୍ରଭାବିତ ହୋଇଛି। ଏଥିରେ ୧ ଲକ୍ଷ ୩୦ ହଜାରରୁ ଅଧିକ ଲୋକ ପ୍ରଭାବିତ ହୋଇଥିବାବେଳେ ୫୮ ହଜାରରୁ ଅଧିକ ଲୋକଙ୍କୁ ବାତ୍ୟା

ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତର କରାଯାଇଛି। ଜିଲ୍ଲାରେ ପ୍ରବାଳ ବର୍ଷାର ପ୍ରଭାବରେ ୩୭୬ଟି କଚା ଘର ଆଂଶିକ କ୍ଷତିଗ୍ରସ୍ତ ହୋଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି।

## ଦର୍ଶନ କଟକଣା ପ୍ରତ୍ୟାହୃତ

ବାତ୍ୟା 'ଦାନା' ପରିପ୍ରେକ୍ଷୀରେ ପୁରୀରେ ପର୍ଯ୍ୟଟକଙ୍କ ପାଇଁ ଥିବା କଟକଣା ପ୍ରତ୍ୟାହୃତ ହୋଇଛି। ସେହିପରି କୋଣାର୍କ ସୂର୍ଯ୍ୟମନ୍ଦିରକୁ ମଧ୍ୟ ରହିଥିବା ଦର୍ଶନ କଟକଣାକୁ ପ୍ରତ୍ୟାହାର କରି ନିଆଯାଇଛି। ତେବେ ସମୁଦ୍ର ଏବେ ବି ଅଶାନ୍ତ ରହିଥିବାରୁ ପର୍ଯ୍ୟଟକମାନେ ସମୁଦ୍ର ମଧ୍ୟକୁ ନ ଯିବାକୁ ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପରାମର୍ଶ ଦେଇଛନ୍ତି।

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୭ ତାରିଖ ରବିବାର ଦିନ ପୂର୍ବାହ୍ନ ୧୧ଟାରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ । ଏହା ମନ୍ କୀ ବାତ୍‌ର ୧୧୫ତମ ସଂସ୍କରଣ ହେବ।

ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ ନେଟ୍‌ୱର୍କ, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ । ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ପ୍ରଧାନମନ୍ତ୍ରୀଙ୍କର ମନ୍‌କି ବାତ୍ କାର୍ଯ୍ୟକ୍ରମ ଲାଇଭ୍

ଷ୍ଟ୍ରିମିଙ୍ଗ୍ ହେବ । ମନ୍ କି ବାତ୍‌ର ହିନ୍ଦୀ ପ୍ରସାରଣ ପରେ ଆଞ୍ଚଳିକ ଭାଷାରେ ପ୍ରଧାନମନ୍ତ୍ରୀଙ୍କର ମନ୍‌କି ବାତ କାର୍ଯ୍ୟକ୍ରମର ପ୍ରସାରଣ କରାଯିବ । ସେହିଦିନ ରାତି ୮ଟାରେ ଆଂଚଳିକ ଭାଷାନ୍ତରଣର ପୁନଃପ୍ରସାରଣ କରାଯିବ।

## ମାଓବାଦୀ ଗୁଳି ବିନିମୟ

**କନ୍ଧମାଳ** ଜିଲ୍ଲା ବାଲିଗୁଡ଼ା ଥାନା ବୁଦାନାଇ ଜଙ୍ଗଲରେ ଆଜି ପୂର୍ବାହ୍ଣରେ ଯବାନ୍ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଛି। ଏଥିରେ ଜଣେ ମାଓବାଦୀ ନିହତ ହୋଇଥିବା ପୁଲିସ୍ ସୂତ୍ରରୁ ପ୍ରକାଶ ପାଇଛି। ତାଙ୍କ ପାଖରୁ ଗୋଟିଏ ଏକେ-୪୭ ରାଇଫଲ ଜବତ କରାଯାଇଛି। ସେ କନ୍ଧମାଳ, କଳାହାଣ୍ଡି, ବୌଦ୍ଧ, ନୟାଗଡ଼ ସଂଗଠନର ସକ୍ରିୟ ସଦସ୍ୟ ଥିଲେ ବୋଲି ପ୍ରାଥମିକ ତଦନ୍ତରୁ ଜଣାପଡିଛି।

## ତାରକା ପ୍ରଚାରକ

ଝାରଖଣ୍ଡ ବିଧାନସଭା ନିର୍ବାଚନ ପାଇଁ ଭାରତୀୟ ଜନତା ପାର୍ଟିର ୪୦ ଜଣିଆ ଷ୍ଟାର ପ୍ରଚାରକ ତାଲିକାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ସାମିଲ କରାଯାଇଛି। ସୂଚନା ଅନୁସାରେ, ଝାରଖଣ୍ଡରେ ଆସନ୍ତା ନଭେମ୍ବର ୧୩ ତାରିଖ ଏବଂ ୨୦ ତାରିଖରେ ବିଧାନସଭା ନିର୍ବାଚନ ଅନୁଷ୍ଠିତ ହେବ।

## କୁପୋଷଣ ଦୂର ପାଇଁ ମିଡିଆ ରାଉଣ୍ଡ ଅପ୍

ବଲାଙ୍ଗିର ଜିଲ୍ଲାରେ ଅତିଶୟ ଅପପୁଷ୍ଟି ସମାଧାନ ନେଇ ଜିଲ୍ଲା ସାମାଜିକ କଲ୍ୟାଣ ବିଭାଗ ପକ୍ଷରୁ କୁପୋଷଣ ଦୁର କରିବା ପାଇଁ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଛି । ଶିଶୁ ଓ ମା' ମାନଙ୍କୁ ଜରୁରୀ ପୋଷଣ ସେବା ଯୋଗାଇବାରେ ଅଙ୍ଗନବାଡି କର୍ମୀ ଓ ସ୍ଥାନୀୟ ଲୋକଙ୍କ ଭୂମିକା ଉପରେ ଆଲୋଚନା ହୋଇଥିଲା ।

## ସଡ଼କ ସୁରକ୍ଷା କମିଟି ବୈଠକ

**ଗଜପତି** ଜିଲ୍ଲାସ୍ତରୀୟ ସଡ଼କ ସୁରକ୍ଷା କମିଟି ବୈଠକ ପାରଳାଖେମୁଣ୍ଡି ସ୍ଥିତ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ବିଜୟ କୁମାର ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ସଡକ ସୁରକ୍ଷା ନେଇ ଲୋକଙ୍କୁ ସଚେତନ କରିବାକୁ ନିଷ୍ପତ୍ତି ହୋଇଛି ।

*********************************